# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

## District level Joint hearing of public Grivance.

## ୫ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୪ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୫୩ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ନିର୍ବାଚନ ଆଚରଣ ବିଧି ଓ ଗ୍ରୀଷ୍ମ ପ୍ରବାହ ପାଇଁ ବନ୍ଦ ହୋଇଥିବା ଜିଲ୍ଲା ସ୍ତରୀୟ ମିଳିତ ଜନଶୁଣାଣୀ ଶିବିର ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି ।ଏହି ଶିବିରରେ ଆରକ୍ଷୀ ଅଧୀକ୍ଷକ ଶ୍ରୀ ମିତ୍ରଭାନୁ ମହାପାତ୍ର ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୫୬ ଟି ଅଭିଯୋଗରୁ ୧୩୫ ଟି ବ୍ୟକ୍ତିଗତ ଓ ୨୧ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ସଂପର୍କିତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୪ ଜଣଙ୍କୁ ୧୩ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୫ଜଣଙ୍କୁ ୪୦ ହଜାର ଟଙ୍କାର ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା, ଇନ୍ଦିରାଆବାସ, ବିଜୁ ପକ୍କାଘର,ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା, ରାସ୍ତା ନିର୍ମାଣ,ଶିକ୍ଷା,ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପତିରାୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡ. ପ୍ରତାପ କୁମାର ବେହେରା, ଜିଲ୍ଲା ପଂଚାୟତ ଅଧିକାରୀ ଶ୍ରୀ ଗୌରଭ ସିଂ,ଡେପୁଟୀ କଲେକ୍ଟର ସରିତା ପ୍ରଧାନ ଓ ଆସିଷ୍ଟାଣ୍ଟ କଲେକ୍ଟର ଶ୍ରୀ ଲମ୍ବୋଦର ମାରାଣ୍ଡିଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇ ଥିଲେ ।


COURT OF THE COLLECTOR & DISTRICT MAGISTRATE
ANGUL


COURT OF THE COLLECTOR & D
ANGU




COURT OF THE COLLECTOR & DISTRICT MAGISTRATE
ANGUL